# ଗ୍ରାମୀଣ କୃଷି ମୌସମ ସେବା
# ଭାରତ ପାଣିପାଗ ବିଭାଗ
# ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
# ଆଞ୍ଚଳିକ ଗବେଷଣା ଓ ବୈଷୟିକ ପ୍ରସାରଣ କେନ୍ଦ୍ର, ଚିପିଲିମା

ସଂଖ୍ୟା -୨୬ (ଓଡ଼ିଆ ବୁଲେଟିନ) ସପ୍ତାହ -୧୩ ତାରିଖ:୨୮.୦୩.୨୦୨୪

## ବୌଦ୍ଧ

ଭାରତ ପାଣିପାଗ ବିଜ୍ଞାନ ବିଭାଗ, ମୌସମ ବିଜ୍ଞାନ କେନ୍ଦ୍ର , ଭୁବନେଶ୍ବର ଅନୁଯାୟୀ ଆସନ୍ତା ସପ୍ତାହର ମଧ ଭାଗରେ କିମ୍ବା ଦୁଇ ଦିନ ପରେ କିଛିଟା ସ୍ଥାନରେ ଅତି ସ୍ୱଳ୍ପ ବର୍ଷା ହେବାର ସମ୍ଭାବନା ରହିଅଛି ଓ ଏହି ସମୟ ଅବଧିରେ ଆକାଶ ଆଂଶିକ ରୁ ସାଧାରଣତଃ ମେଘାଚ୍ଛନ୍ନ ରହିପାରେ। ଆସନ୍ତା ୫ ଦିନ ମଧ୍ୟରେ ସର୍ବୋଚ୍ଚ ତାପମାତ୍ରା ୩୯ ରୁ ୪୦ ଡିଗ୍ରୀ ସେଣ୍ଟିଗ୍ରେଡ ଓ ସର୍ବନିମ୍ନ ତାପମାତ୍ରା ୨୫ ରୁ ୨୬ ଡିଗ୍ରୀ ସେଣ୍ଟିଗ୍ରେଡ ମଧ୍ୟରେ ରହିବାର ସମ୍ଭାବନା ରହିଅଛି। ଆସନ୍ତା ସପ୍ତାହରେ ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା ୩୭% ରୁ ୪୬% ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା ୧୧% ରୁ ୧୫% ମଧ୍ୟରେ ରହିବାର ସମ୍ଭାବନା ରହିଅଛି। ଆସନ୍ତା ୫ ଦିନ ମଧ୍ୟରେ ୮ ରୁ ୧୧ କି.ମି. ପ୍ରତି ଘଣ୍ଟା ବେଗରେ ଦକ୍ଷିଣ ପଶ୍ଚିମ, ଦକ୍ଷିଣ ଓ ଉତ୍ତର ପଶ୍ଚିମ ଦିଗରୁ ପବନ ବହିବାର ସମ୍ଭାବନା ରହିଅଛି।

| ତାରିଖ | 29-03-2024 | 30-03-2024 | 31-03-2024 | 01-04-2024 | 02-04-2024 |
|---|---|---|---|---|---|
| ବୃଷ୍ଟିପାତ (ମିଲି ମିଟର) | 0 | 0 | 0 | 4 | 2 |
| ସର୍ବାଧିକ ତାପମାତ୍ରା (°ସେଣ୍ଟିଗ୍ରେଡ) | 39 | 40 | 40 | 40 | 40 |
| ସର୍ବନିମ୍ନ ତାପମାତ୍ରା (° ସେଣ୍ଟିଗ୍ରେଡ) | 25 | 25 | 25 | 26 | 26 |
| ସମ୍ପୂର୍ଣମେଘ ଆବରଣ(ଓକଟା) | 1 | 1 | 3 | 4 | 5 |
| ସର୍ବାଧିକଆପେକ୍ଷିକ ଆଦ୍ରତା (ଶତକଡା %) | 38 | 46 | 40 | 40 | 37 |
| ସର୍ବନିମ୍ନ ଆପେକ୍ଷିକ ଆଦ୍ରତା (ଶତକଡା %) | 13 | 11 | 13 | 13 | 15 |
| ପବନବେଗ (କିମି/ଘଣ୍ଟା ପ୍ରତି) | 8 | 9 | 11 | 9 | 11 |
| ପବନଦିଗ (ଡିଗ୍ରୀ) | 191 | 180 | 206 | 297 | 285 |

ଅଧିକ ଜାଣିବା ପାଇଁ, ଭାରତୀୟ ପାଣିପାଗ ବିଭାଗ, ଭୁବନେଶ୍ୱର, ଟେଲିଫୋନ# ୦୬୭୪-୨୫୯୬୧୧୬ରେ ଯୋଗାଯୋଗ କରନ୍ତୁ

## ସାଧାରଣଉପଦେଶ

- ଆସନ୍ତା ସପ୍ତାହରେ ବର୍ଷା ହେବାର ସମ୍ଭାବନା କମ ଅଛି ଏବଂ ପାଗ ମୁଖ୍ୟତଃ ଶୁଷ୍କ ରହିବା ସହିତ ସର୍ବାଧିକ ତାପମାତ୍ରାରେ ବୃଦ୍ଧି ଦେଖାଯାଇପାରେ ତେଣୁ ଚାଷୀ ଭାଇ ମାନଙ୍କୁ କ୍ଷେତରେ ଆବଶ୍ୟକତା ଅନୁଯାଇ ଜଳସେଚନ କରିବାକୁ ଏବଂ ସାରର ପ୍ରୟୋଗ ତଥା ଔଷଧର ସିଞ୍ଚନ କାର୍ଯ୍ୟ ଏହି ସମୟ ଅବଧି ମଧ୍ୟରେ କରିବାକୁ ପରାମର୍ଶ ଦିଆଯାଇଅଛି । କିନ୍ତୁ ଆସନ୍ତା ସପ୍ତାହର ମଧ ଭାଗରେ ଆକାଶ ଆଂଶିକ ରୁ ସାଧାରଣତଃ ମେଘାଚ୍ଛନ୍ନ ରହିବ ସହିତ କିଛି ସ୍ଥାନରେ ସ୍ୱଳ୍ପ ବର୍ଷା ହେବାର ସମ୍ଭାବନା ଦେଖାଯାଇପାରେ ତେଣୁ ଚାଷୀ ଭାଇ କୌଣସି ପ୍ରକାରର ସିଞ୍ଚନ କାର୍ଯ୍ୟରେ ସାବଧାନତା ଅବଲମ୍ବନ କରନ୍ତୁ ଏବଂ ବାହାରେ ରଖା ହୋଇଥିବା ଫସଲକୁ ସୁରକ୍ଷିତ ଜାଗାରେ ରଖିବାର ପ୍ରବନ୍ଧ କରନ୍ତୁ । ଆଗକୁ ତାପମାତ୍ରାରେ ବୃଦ୍ଧି ହେବାର ସମ୍ଭାବନାକୁ ଧ୍ୟାନରେ ରଖି ଫଳ ଓ ପନିପରିବା କ୍ଷେତରେ ପଲିଥିନ , ପୁଆଳ କିମ୍ବା ଅନ୍ୟ ଫସଲ ଅବଶେଷକୁ ଆବରଣ ଭାବରେ ପ୍ରୟୋଗ କରିପାରିବେ କାରଣ ଏହା ଦ୍ୱାରା ମାଟିର ଆର୍ଦ୍ରତା ସହିତ ତାପମାତ୍ରା ମଧ୍ୟ ନିୟନ୍ତ୍ରଣ ରହିଥାଏ
- ବର୍ତ୍ତମାନ ପାଣିପାଗର ଯେଉଁ ସ୍ଥିତି ରହିଅଛି ତାହା ଫସଲରେ ରୋଗ ପୋକ ଆକ୍ରମଣ ପାଇଁ ଅନୁକୂଳ ଅଟେ ତେଣୁ ଏହାର ନିୟମିତ ନିରୀକ୍ଷଣ କରନ୍ତୁ।
- ଆଗକୁ ତାପମାତ୍ରାରେ ବୃଦ୍ଧି ହେବାର ସମ୍ଭାବନାକୁ ଦେଖି ପଶୁମାନଙ୍କୁ ଖରାରୁ ବଂଚାଇବା ପାଇଁ ଛାଇଁରେ ରଖିବାର ବ୍ୟବସ୍ଥା କରନ୍ତୁ ଏବଂ ଖରାରେ କାମ କରାନ୍ତୁ ନାହିଁ ।

## ପାଣିପାଗ ଭିତ୍ତିକ କୃଷିଏବଂ ପଶୁପାଳନଉପଦେଶ

| ଫସଲର ନାମ | ଫସଲ ଅବସ୍ଥା | କୃଷି ଏବଂ ପଶୁପାଳନ ପାଇଁପାଣିପାଗ ଭିତ୍ତିକ ପରାମର୍ଶ |
|---|---|---|
| ଡାଲୁଆ ଧାନ | ପିଲଅବସ୍ଥା | ଧାନ କ୍ଷେତରେ ମାଟିରେ ଥିବା ଆର୍ଦ୍ରତାକୁ ଦେଖି ୟୁରିଆ ସାରର ପ୍ରୟୋଗ ପିଲ ଅବସ୍ଥାରେ କରିବାକୁ ପରାମର୍ଶ ଦିଆଯାଇଅଛି । ଧାନ ଗଛରେ କାଣ୍ଡ ବିନ୍ଧା ପୋକର ଉପଦ୍ରବ ଦେଖାଗଲେ ଏହାର ନିୟନ୍ତ୍ରଣ ପାଇଁ କ୍ଲୋରାନଟ୍ରାନିଲିପ୍ରୋଲ ୧୮.୫ ଏସ.ସି. @ ୦.୩ ମିଲିକୁ ପ୍ରତି ଲିଟର ପାଣିରେ ମିଶାଇ ଶୁଷ୍କ ପାଗରେ ପ୍ରୟୋଗ କରିବାକୁ ପରାମର୍ଶ ଦିଆଯାଇଅଛି । ଜୀବାଣୁଜନିତ ପତ୍ର ପୋଡ଼ା ରୋଗର ନିୟନ୍ତ୍ରଣ ପାଇଁ, କୃଷକ ଭାଇ ପ୍ଲାଣ୍ଟୋମାଇସିନ୍ @ ୧ ଗ୍ରାମ / ଲିଟର ପାଣି ପ୍ରତି ଏକର ପ୍ରତି ୨୦୦ ଲିଟର ପାଣି କିମ୍ବା ଷ୍ଟ୍ରେପ୍ଟୋସାଇକ୍ଲିନ୍ (୧୫୦ ମିଲି ଗ୍ରାମ) ସହିତ ୧ |

| | | |
|---|---|---|
| | | ଗ୍ରାମ କପର ଅକ୍ସିକ୍ଲୋରାଇଡକୁ ପ୍ରତି ଲିଟର ପାଣିରେ ମିଶାଇ ୮ ଦିନ ବ୍ୟବଧାନରେ ଦୁଇଥର ସିଞ୍ଚନ କରିବା ଉଚିତ। |
| ମୁଗ(ଖରା ଦିନିଆ) | ବନସ୍ପତି ବିକାସ ଓ ଫୁଲ ଅବସ୍ଥା | ଧାନ କ୍ଷେତରେ ମାଟିରେ ଥିବା ଆର୍ଦ୍ରତାକୁ ଦେଖି ୟୁରିଆ ସାରର ପ୍ରୟୋଗ ପିଲ ଅବସ୍ଥାରେ କରିବାକୁ ପରାମର୍ଶ ଦିଆଯାଇଅଛି। ଧାନ ଗଛରେ କାଣ୍ଡ ବିନ୍ଧା ପୋକର ଉପଦ୍ରବ ଦେଖାଗଲେ ଏହାର ନିୟନ୍ତ୍ରଣ ପାଇଁ କ୍ଲୋରାନଟ୍ରାନିଲିପ୍ରୋଲ ୧୮.୫ ଏସ.ସି. @ ୦.୩ ମିଲିକୁ ପ୍ରତି ଲିଟର ପାଣିରେ ମିଶାଇ ଶୁଷ୍କ ପାଗରେ ପ୍ରୋୟୋଗ କରିବାକୁ ପରାମର୍ଶ ଦିଆଯାଇଅଛି । |
| ମକା | ବନସ୍ପତି ବିକାସ | ମକା ଗଛରେ ସାରର ପ୍ରୟୋଗ କାର୍ଯ୍ୟ ମାଟିରେ ଥିବା ଉପଯୁକ୍ତ ଆର୍ଦ୍ରତାକୁ ଦେଖି କରନ୍ତୁ ଏବଂ ଆବଶ୍ୟକତା ଅନୁସାରେ ଜଳସେଚନ କରନ୍ତୁ । ମକା ଗଛରେ କାଣ୍ଡ ବିନ୍ଧା ପୋକ ର ନିୟନିନ୍ତ୍ରଣ ପାଇଁ ଫିପ୍ରୋନିଲ ୫% ଏସ.ସି. କିମ୍ବା ପ୍ରୋପେନୋଫସ ୫୦% ଇ.ସି. @ ୨ ମିଲିକୁ ପ୍ରତି ଲିଟର ପାଣିରେ ମିଶାଇ ଏବଂ ଫଲ ଆର୍ମି ୱର୍ମ କୀଟର ନିୟନ୍ତ୍ରଣ ପାଇଁ ପ୍ରତି ଲିଟର ପାଣିରେ ୦.୪ ଗ୍ରା. ଇମାମେକଟିନ୍ଟିନ ବେନଜୋଏଟ୍ କୁ ମିଶାଇ ଶୁଷ୍କ ପାଗ କ୍ଷେତରେ ସିଞ୍ଚନ କରନ୍ତୁ । |
| ଆମ୍ବ | ଫଳ ଅବସ୍ଥା | ଆମ୍ବ ଗଛରେ ଆମ୍ବ ହପରକୁ ନିୟନ୍ତ୍ରଣ କରିବା ପାଇଁ ୧ ଗ୍ରାମ୍ ଏସିଫେଟ କିମ୍ବା ୦.୫ ମିଲି କ୍ଲୋରୋପାଇରିଫସ୍ କିମ୍ବା ୦.୩ ରୁ ୦.୪ ଗ୍ରାମ ଥାଇଓମିଥୋକ୍ସାମକୁ ପ୍ରତି ଲିଟର ପାଣିରେ ମିଶାଇ ଏବଂ ଧଳା ପାଉଡରର ସ୍ତର ଲାଗି ରହିଲା ପରି ରୋଗର ଲକ୍ଷଣ ଦେଖାଗଲେ ଏହାର ନିୟନ୍ତ୍ରଣ ପାଇଁ ୨ ଗ୍ରାମ ଦ୍ରବୀଭୂତ ସଲଫରକୁ ପ୍ରତି ଲିଟର ପାଣିରେ ମିଶାଇ ଆକାଶ ସଫା ଥିବା ସମୟରେ ଗଛରେ ପ୍ରୟୋଗ କରନ୍ତୁ । ଆମ୍ବ ଗଛରେ ଯଦି ଫଳ ମଟର ଦାନା ଆକାରର ହୋଇଯାଇଛି ସେଥିରେ ଫଳ ଝଡିବା କମ କରିବା ପାଇଁ ପ୍ଲାନୋଫିକ୍ସ @ ୧ ମିଲି ପ୍ରତି ୪.୫ ଲିଟର ପାଣି ହିସାବରେ ପ୍ରୟୋଗ କରିପାରିବେ । ହରମୋନ ଏବଂ କୀଟମରା ଔଷଧର ପ୍ରୟୋଗ ଏକା ସମୟରେ କରନ୍ତୁ ନାହିଁ ଓ ଏହାର ସିଞ୍ଚନରେ ଗୋଟେ ସପ୍ତାହର ବ୍ୟବଧାନ ରଖନ୍ତୁ । ଆମ୍ବ ଗଛ ମୂଳରେ ପଣି ଜମା ହେବାକୁ ଦିଅନ୍ତୁ ନାହିଁ। |
| ପନିପରିବା | ବନସ୍ପତି ବିକାସ, ଫୁଲ ଓ ଫଳ ଅବସ୍ଥା | ପନିପରିବା କ୍ଷେତରେ କାଣ୍ଡ ଓ ମୂଳ ସଢା ଓ ଫଳ ପଚା ରୋଗର ସଂକ୍ରମଣ ପ୍ରତି ନିୟମିତ ନିରୀକ୍ଷଣ କରିବାକୁ ପରାମର୍ଶ ଦିଆଯାଇଅଛି । ଯଦି ବାଇଗଣ, ଭେଣ୍ଡି ଏବଂ ଟମାଟର ଗଛରେ ପତ୍ରଖିଆ ସମ୍ବାଳୁଆ ଏବଂ କାଣ୍ଡ ଓ ଫଳବିନ୍ଧା ପୋକର ଆକ୍ରମଣ ଦେଖାଯାଏ ତାହେଲେ ୦.୪ ଗ୍ରାମ ଇମାମେକଟିନ୍ ବେନଯୋଏଡ୍କୁ ପ୍ରତି ଲିଟର ପାଣିରେ ମିଶାଇ ଶୁଷ୍କ ପାଗକୁ ଦେଖି ଗଛରେ ପ୍ରୟୋଗ କରନ୍ତୁ । ଯଦି ଟୋମାଟୋ ଗଛରେ ପତ୍ରପୋଡା ରୋଗର ଲକ୍ଷଣ ଦେଖାଯାଏ ତା'ହେଲେ ଏହାର ନିରାକରଣ ପାଇଁ ଟେବୁକୋନାଜୋଲ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ ୨୫% @ ୦.୪ ଗ୍ରାମ କୁ ପ୍ରତି ଲିଟର ପାଣି ସହିତ ମିଶାଇ ସିଞ୍ଚନ କରିପାରିବେ । ଟମାଟୋର ବନସ୍ପତି ବିକାସ ପର୍ଯ୍ୟାୟରେ, କୃଷକଙ୍କ କ୍ଷେତରେ ଯଦି ଲିଫ ମାଇନର ଏବଂ ଧଳା ମାଛିର ଆକ୍ରମଣ ଦେଖାଯାଏ ତା'ହେଲେ ଏହାର ନିୟନ୍ତ୍ରଣ ପାଇଁ ପ୍ରାରମ୍ଭିକ ପର୍ଯ୍ୟାୟରେ NSKE ୫ % କୁ ଷ୍ଟିକର ସହିତ ମିଶାଇ ପ୍ରୟୋଗ କରନ୍ତୁ । ନାଇଟ୍ରୋଜେନ୍ ସାରର ଅଧିକ ବ୍ୟବହାର ହେତୁ ଲିଫ ମାଇନର ପୋକର ଜନସଂଖ୍ୟା ବୃଦ୍ଧି ପାଇପାରେ ତେଣୁ ଏହାର ସଠିକ ବ୍ୟବହାର କରାଯିବା ଉଚିତ । ପିଆଜ ଗଛ ରେ ବାଇଗଣି ଦାଗ କିମ୍ବା ପର୍ପଲ ବ୍ଲୋଟ୍ଚ ର ନିୟନ୍ତ୍ରଣ ପାଇଁ ଟେବୁକୋନାଜୋଲ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ ୨୫% @ ୦.୪ ଗ୍ରାମ କୁ ପ୍ରତି ଲିଟର ପାଣି ସହିତ ମିଶାଇ ସିଞ୍ଚନ କରନ୍ତୁ । ଉକୁଣିଆ ପୋକର ପ୍ରକୋପରୁ ଗଛକୁ ରକ୍ଷା କରିବା ପାଇଁ ୦.୩ ମିଲି ଇମିଡାକ୍ଲୋରୋପ୍ରିଡ଼ କିମ୍ବା ୦.୩ ଗ୍ରାମ ଥାଇଓମିଥୋକ୍ସାମ କୁ ପ୍ରତି ଲିଟର ପାଣି କିମ୍ବା ୧ ଗ୍ରାମ ଏସିଟାମିପ୍ରିଡ ୨୦ ପ୍ରତିଶତ ଇ.ସି. କୁ ୪ ଲିଟର ପାଣିରେ ମିଶାଇ ଗଛରେ ପ୍ରୟୋଗ କରନ୍ତୁ। |
| ଗାଈଓ ମଇଷି | ପଶୁମାନଙ୍କୁ ଗରମରୁ ରକ୍ଷା କରିବା ପାଇଁ ତାଙ୍କୁ ନିୟମିତ ତାଜା ସ୍ଵ ଛ ଥଣ୍ଡା ପାନୀୟ ଜଳ ଯୋଗେଇବାର ବ୍ୟବସ୍ଥା କରନ୍ତୁ । ସେମାନଙ୍କୁ ଛାଇ ରେ ରଖନ୍ତୁ ଓ ସକାଳ ୧୧ ଟା ରୁ ସନ୍ଧ୍ୟା ୪ ଟା ମଧ୍ୟରେ ଚରାଇବାକୁ ବାହା ରକୁ ଛାଡନ୍ତୁ ନାହିଁ । ଗୁହାଳର ତଳପଟରେ ପୁଆଲ କିମ୍ବା ଧଳା ପେନ୍ଟ କିମ୍ବା ପ୍ଲାଷ୍ଟରର ବ୍ୟବସ୍ଥା କରନ୍ତୁ କାରଣ ଏହା ଦ୍ଵାରା ତାପମାତ୍ରା ନିୟନ୍ତ୍ରଣ ହୋଇଥାଏ । | |


| | |
|---|---|
| **Ms. JubuliSahu**<br>**Junior Agrometeorologist,**<br>**AMFU, RRTTS, Chiplima** | **Dr. SanjuktaMohapatra**<br>**ADR cum Nodal Officer**<br>**RRTTS, Chiplima** |



- କୃଷି ରେ ଉତ୍ତମ ଲାଭ ପାଇଁ ,**OUAT KALINGA**ପ୍ରଡକ୍ଟସ (ବିହନ, ଚାରା ରୋପଣ ଓ କ୍ୟାପିଏମ୍, ଟିସୁ କଲଚର ପ୍ଲାଣ୍ଟ , ଫଳ ଓ ପନିପରିବା , ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ମହୁମାଛି ଓ ସ୍କୋନ୍, ଜୈବ ସାର, ଜୈବ କୀଟନାଶକ, ଜିଆ ଏବଂ ଜିଆ ଖତଇତ୍ୟାଦି) ବ୍ୟବହାର କରନ୍ତୁ।

- ଭାରତ ପାଣିପାଗ ବିଭାଗ ର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ପାଇଁମେଘଦୂତ ମୋବାଇଲ ଆପ(https://play.gooogle.com/store/apps/details?id=com.aas.meghdoot)ତଥା ନିଜ ଅଞ୍ଚଳର ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ (https://play.google.com/store/apps/details?id=com.lightening.live.damini)ର ବ୍ୟବହାର କରିପାରିବେ।